# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 6 July – 2026

**********************************

## ମୁଖ୍ୟ ସମ୍ବାଦ

- ବିଶ୍ୱ ପ୍ରସିଦ୍ଧ ପୁରୀ ରଥଯାତ୍ରାର ପରିଚାଳନା ଓ ପ୍ରସ୍ତୁତି ସମୀକ୍ଷା କରି ସମନ୍ୱୟ ରକ୍ଷା ଉପରେ ଗୁରୁତ୍ୱ ପ୍ରଦାନ କଲେ ମୁଖ୍ୟମନ୍ତ୍ରୀ

– ରଥଯାତ୍ରା ସମୟରେ ୩୦୦ରୁ ଊର୍ଦ୍ଧ୍ୱ ସ୍ୱତନ୍ତ୍ର ଟ୍ରେନ୍ ଚଳାଚଳ କରିବ; ସୂଚନା ଦେଲେ କେନ୍ଦ୍ରମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ

- ପୁରୀ–କୋରାପୁଟ–ପୁରୀ ଏକ୍ସପ୍ରେସ୍ ଟ୍ରେନ୍ ଚଳାଚଳର ହେଲା ଶୁଭାରମ୍ଭ

- ଡକ୍ଟର ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଜନ୍ମବାର୍ଷିକୀ ଅବସରରେ ଦେଶବାସୀ କରୁଛନ୍ତି ଶ୍ରଦ୍ଧାଞ୍ଜଳି ଅର୍ପଣ

ଏବଂ

- ଅବପାତର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ଲାଗି ରହିଛି ପ୍ରବଳ ବର୍ଷା

Puri

# ରଥଯାତ୍ରା ସମନ୍ୱୟ ବୈଠକ

ବିଶ୍ୱ ପ୍ରସିଦ୍ଧ ପୁରୀ ରଥଯାତ୍ରାର ସୁପରିଚାଳନା ପାଇଁ ଅନୁଷ୍ଠିତ ବୈଠକରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅଧିକାରୀ ଓ କର୍ମଚାରୀଙ୍କ ମଧ୍ୟରେ ସମନ୍ୱୟ ରକ୍ଷା ନେଇ ଗୁରୁତ୍ୱାରୋପ କରିଛନ୍ତି। ପୁରୀ ଟାଉନହଲଠାରେ ଆୟୋଜିତ ବୈଠକରେ ମୁଖ୍ୟମନ୍ତ୍ରୀ' ତ୍ରୁଟିଶୂନ୍ୟ ଭାବେ ରଥଯାତ୍ରାକୁ ସମ୍ପନ୍ନ କରିବା ପାଇଁ ପରାମର୍ଶ ଦେଇଛନ୍ତି। ଶ୍ରୀ ମାଝୀ କହିଛନ୍ତି, ରଥଯାତ୍ରା ସମଗ୍ର ଓଡ଼ିଶା, ଦେଶ ତଥା ବିଶ୍ୱର ଶ୍ରୀଜଗନ୍ନାଥଙ୍କ ଭକ୍ତଙ୍କ ପାଇଁ ସବୁଠାରୁ ପବିତ୍ର ଦିନ। ଏକ ସୁରକ୍ଷିତ ରଥଯାତ୍ରା କେବଳ ଏକ ସରକାରୀ କର୍ତ୍ତବ୍ୟ ନୁହେଁ, ଏହା ସମସ୍ତଙ୍କ ନୈତିକ ଦାୟିତ୍ୱ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ସମସ୍ତ କାର୍ଯ୍ୟର ଉପଯୁକ୍ତ ତଦାରଖ ଉପରେ ଗୁରୁତ୍ୱ ପ୍ରଦାନ କରିଛନ୍ତି।

**- V/O -**

ବୈଠକରେ ରଥଯାତ୍ରା ନୀତିକାନ୍ତି ନିର୍ଦ୍ଧାରିତ ସମୟରେ ସମ୍ପନ୍ନ କରିବା, ସ୍ୱାସ୍ଥ୍ୟ, ପରିମଳ, ରାସ୍ତାଘାଟ, ଆଇନଶୃଙ୍ଖଳା ଓ ରେଳ ଚଳାଚଳ ନେଇ ଆଲୋଚନା କରାଯାଇଛି। ସୁରକ୍ଷାକୁ ଦୃଷ୍ଟିରେ ରଖି ସିସିଟିଭି କ୍ୟାମେରା ଲଗାଯାଇ କଣ୍ଟ୍ରୋଲ ରୁମ୍ ମାଧ୍ୟମରେ ଟ୍ରାଫିକ ଓ ଭିଡ଼ ନିୟନ୍ତ୍ରଣ କରାଯିବାକୁ ବ୍ୟବସ୍ଥା କରାଯାଇଛି। ଆସନ୍ତା ୧୨ ତାରିଖ ମଧ୍ୟରେ

ରେଳବାଇ ଓ ପରିବହନ ବିଭାଗର ସମସ୍ତ କାର୍ଯ୍ୟ ଶେଷ କରିବାକୁ ବିଭାଗୀୟ କର୍ତ୍ତୃପକ୍ଷଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଏହି ଅବସରରେ ମୁଖ୍ୟମନ୍ତ୍ରୀ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରକାଶିତ ରୂପରେଖ ରଥଯାତ୍ରା-୨୦୨୬ ପୁସ୍ତିକାକୁ ଉନ୍ମୋଚନ କରିଥିଲେ।

Desk

## ରଥଯାତ୍ରା–୨

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ବିଶ୍ୱ ପ୍ରସିଦ୍ଧ ରଥଯାତ୍ରା ସମୟରେ ୩୦୦ରୁ ଊର୍ଦ୍ଧ୍ୱ ସ୍ୱତନ୍ତ୍ର ଟ୍ରେନ୍ ଚଳାଚଳ କରିବ ବୋଲି କେନ୍ଦ୍ର ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ କହିଛନ୍ତି। ନିୟମିତ ୮୦୦ ଟ୍ରେନ୍ ସହିତ ଅତିରିକ୍ତ ଭାବେ ଏହି ଟ୍ରେନ୍ ଚଳାଚଳ କରିବ। ପୁରୀରେ ୩୦ ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କ ପାଇଁ ଅସ୍ଥାୟୀ ରହଣି ବ୍ୟବସ୍ଥା କରାଯାଉଛି ବୋଲି ଶ୍ରୀ ବୈଷ୍ଣବ କହିଛନ୍ତି।

**- V/O –**

Desk

## ଅମୃତ ଭାରତ ଏକ୍ସପ୍ରେସ୍

ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଏବଂ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ପୁରୀ ରେଳ ଷ୍ଟେସନ୍‌ରୁ ପୁରୀ-କୋରାପୁଟ-ପୁରୀ ଏକ୍ସପ୍ରେସ୍ ଟ୍ରେନ ଚଳାଚଳର ଶୁଭାରମ୍ଭ କରିଛନ୍ତି। ଏହି ଟ୍ରେନ୍ ପୁରୀଠାରୁ ପ୍ରତ୍ୟେକ ସୋମବାର, ଗୁରୁବାର ଓ ଶନିବାର ଚଳାଚଳ କରିବ ଏବଂ କୋରାପୁଟ ଠାରୁ ପ୍ରତ୍ୟେକ ମଙ୍ଗଳବାର, ଶୁକ୍ରବାର ଏବଂ ରବିବାର ଚଳାଚଳ କରିବ।

ଆଜି ଅପରାହ୍ନରେ ବ୍ରହ୍ମପୁର–ଉଧନା ଅମୃତ ଭାରତ ଏକ୍ସପ୍ରେସ୍‌ର ନିୟମିତ ଚଳାଚଳର ଶୁଭାରମ୍ଭ ହେବ। ପୂର୍ବରୁ ବ୍ରହ୍ମପୁର-ଉଧନା ଏକ୍ସପ୍ରେସ୍ ଟ୍ରେନ୍ ସପ୍ତାହକୁ ଥରେ ଏବଂ ପରେ ତିନିଦିନ ଚଳାଚଳ କରୁଥିଲା। ତେବେ ଯାତ୍ରୀଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ରେଳବାଇ ପକ୍ଷରୁ ବ୍ରହ୍ମପୁର–ଉଧନା ଅମୃତ ଭାରତ ଏକ୍ସପ୍ରେସ୍ ଟ୍ରେନ୍‌କୁ ପ୍ରତିଦିନ ଚଳାଚଳ କରିବା ଲାଗି ନିଷ୍ପତ୍ତି ନିଆଯାଇଛି।

Desk

## ମୁଖ୍ୟମନ୍ତ୍ରୀ ସହରୀ ବିକାଶ ଯୋଜନା

ଆଧୁନିକ, ସହନଶୀଳ ଓ ନାଗରିକ ଅନୁକୂଳ ସହରାଞ୍ଚଳ ଗଠନ ପାଇଁ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ଆଜି ସମଗ୍ର ରାଜ୍ୟରେ ମୁଖ୍ୟମନ୍ତ୍ରୀ ସହରୀ ବିକାଶ ଯୋଜନା ଅଧୀନରେ ୪୯୪ଟି ବିକାଶମୂଳକ ପ୍ରକଳ୍ପର ଶୁଭାରମ୍ଭ କରାଯିବ। ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ମହାପାତ୍ର ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ଆଭାସୀ ମାଧ୍ୟମରେ ସମ୍ପୂର୍ଣ୍ଣ ହୋଇଥିବା ପ୍ରକଳ୍ପଗୁଡ଼ିକର ଉଦ୍‌ଘାଟନ ସହିତ ନୂତନ ପ୍ରକଳ୍ପର ଶିଳାନ୍ୟାସ କରିବେ। ୩୭ଟି ସହରାଞ୍ଚଳ ସ୍ଥାନୀୟ ସଂସ୍ଥାର ଏହି ପ୍ରକଳ୍ପଗୁଡ଼ିକରେ ମୋଟ୍ ୭୪ କୋଟି ୮୭ ଲକ୍ଷ ଟଙ୍କା ବିନିଯୋଗ କରାଯାଇଛି। ସହରାଞ୍ଚଳ ଭିତ୍ତିଭୂମିକୁ ସୁଦୃଢ଼, ନାଗରିକ କୈନ୍ଦ୍ରିକ ଓ ସହରବାସୀଙ୍କ ଜୀବନଶୈଳୀକୁ ଉନ୍ନତ କରିବା ଏହାର ମୂଳ ଉଦ୍ଦେଶ୍ୟ। କାର୍ଯ୍ୟକ୍ରମର ଅଂଶସ୍ୱରୂପ ୩୧ଟି ପୌରାଞ୍ଚଳରେ ୩୬ କୋଟି ଅଣାନବେ

ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ୩୪୪ଟି ସମ୍ପୂର୍ଣ୍ଣ ପ୍ରକଳ୍ପକୁ ଜନସାଧାରଣଙ୍କ ଉଦ୍ଦେଶ୍ୟରେ ଉତ୍ସର୍ଗ କରାଯିବ। ପ୍ରକଳ୍ପଗୁଡ଼ିକ ମଧ୍ୟରେ ରାସ୍ତା, ନିଷ୍କାସନ ବ୍ୟବସ୍ଥା, ଗୋଷ୍ଠୀଗତ ଭିତ୍ତିଭୂମି ଏବଂ ଅନ୍ୟାନ୍ୟ ଜନସେବା ସାମିଲ ରହିଛି। କାର୍ଯ୍ୟକ୍ରମର ସଫଳ ପରିଚାଳନା ପାଇଁ ବ୍ୟାପକ ବ୍ୟବସ୍ଥା କରାଯାଇଛି।

Nabarangpur/Desk

## ଶ୍ୟାମାପ୍ରସାଦ - ଜୟନ୍ତୀ

ବିଶିଷ୍ଟ ଜନନାୟକ ତଥା ସ୍ୱାଧୀନତା ସଂଗ୍ରାମୀ ଡକ୍ଟର ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଆଜି ୧୨୫ ତମ ଜନ୍ମବାର୍ଷିକୀ ଅବସରରେ ଦେଶବ୍ୟାପୀ ତାଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଉଛି।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱରସ୍ଥିତ ଶ୍ୟାମାପ୍ରସାଦ ମୁଖାର୍ଜୀ ପାର୍କରେ ଥିବା ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରି କହିଛନ୍ତି, ରାଷ୍ଟ୍ରର ଏକତା, ଅଖଣ୍ଡତା ଓ ଜାତୀୟବାଦ ପ୍ରତି ଡକ୍ଟର ମୁଖାର୍ଜୀଙ୍କ ଆଦର୍ଶ ଓ ଅବଦାନ ସଦାସର୍ବଦା ପ୍ରେରଣାର ଉତ୍ସ ହୋଇ ରହିବ। ଏଥିରେ ବାଚସ୍ପତି ସୁରମା ପାଢ଼ି, ବିଜେପି ରାଜ୍ୟସଭାପତି ମନମୋହନ ସାମଲ, ବିଧାୟକ ବାବୁ ସିଂହ ଓ ଅନ୍ୟ ନେତୃବୃନ୍ଦ ଉପସ୍ଥିତ ଥିଲେ। ଭୁବନେଶ୍ୱରରେ ସନ୍ଧ୍ୟାରେ ଅନୁଷ୍ଠିତ ହେବାକୁ ଥିବା ରାଜ୍ୟସ୍ତରୀୟ ସମାରୋହରେ ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଯୋଗଦେବେ ।

ନବରଙ୍ଗପୁରଠାରେ ଆୟୋଜିତ କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟ ଅତିଥିଭାବେ ଯୋଗଦେଇ ଡକ୍ଟର ମୁଖାର୍ଜୀଙ୍କ ଜୀବନ, ରାଷ୍ଟ୍ରପ୍ରେମ ଓ ଦେଶର ଏକତା ଏବଂ ଅଖଣ୍ଡତା ପ୍ରତି ତାଙ୍କର ଅବଦାନ ସମ୍ପର୍କରେ ଆଲୋକପାତ କରିଥିଲେ।

Nuapada/Boudh/Desk

## ପାଣିପାଗ

ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଏବଂ ପାର୍ଶ୍ୱବର୍ତ୍ତୀ ଉତ୍ତର ଓଡ଼ିଶା-ପଶ୍ଚିମବଙ୍ଗ ଉପକୂଳରେ ସ୍ପଷ୍ଟ ସୁଦୃଶ୍ୟ ଲଘୁଚାପ ଅବପାତରେ ପରିଣତ ହେବା ସହ ପଶ୍ଚିମ-ଉତ୍ତର-ପଶ୍ଚିମ ଦିଗରେ ଗତି କରି ସ୍ଥଳଭାଗ ଅତିକ୍ରମ କରିଛି । ବାଲେଶ୍ୱର ନିକଟରେ ଉତ୍ତର ଉପକୂଳ ଓଡ଼ିଶା ଅତିକ୍ରମ କରିଥିବା ଜଣାପଡ଼ିଛି । ଆଗାମୀ ୨୪ ଘଣ୍ଟା ମଧ୍ୟରେ ଏହି ଅବପାତ ଉତ୍ତର ଓଡ଼ିଶା ସଂଲଗ୍ନ ଦକ୍ଷିଣ ଝାଡ଼ଖଣ୍ଡ ଏବଂ ଉତ୍ତର ଛତିଶଗଡ଼ ମଧ୍ୟ ଦେଇ ଗତି କରିବାର ଅନୁମାନ କରାଯାଇଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ଲାଗି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆଜି ଅତିପ୍ରବଳ ବର୍ଷା ହେବା ନେଇ ବରଗଡ଼, ସମ୍ବଲପୁର, ସୁବର୍ଣ୍ଣପୁର, ନୂଆପଡ଼ା, ବଲାଙ୍ଗୀର, ଅନୁଗୁଳ, ବୌଦ୍ଧ ଓ କନ୍ଧମାଳ ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି । ଗତ

୨୪ ଘଣ୍ଟା ମଧ୍ୟରେ ସୋନପୁରଠାରେ ସର୍ବାଧିକ ୩୨୮ ଦଶମିକ ୪ ମିଲିମିଟର ବର୍ଷା ରେକର୍ଡ ହୋଇଛି।

ବୈତରଣୀ ଜଳସ୍ତର ବଢୁଥିବାରୁ ଛୋଟ ବନ୍ୟା ଆଶଙ୍କା କରାଯାଉଥିବା ନେଇ ଜଳସମ୍ପଦ ସର୍ବୋଚ୍ଚ ଯନ୍ତ୍ରୀ ଦିଲ୍ଲୀପ ରାଉତ କହିଛନ୍ତି। ଯାଜପୁର ଜିଲ୍ଲାର ତଳିଆ ଅଞ୍ଚଳ ଏହାଦ୍ୱାରା ପ୍ରଭାବିତ ହୋଇପାରେ। ଆଖୁଆପଦାଠାରେ ଅପରାହ୍ନ ୪ଟା ସୁଦ୍ଧା ଜଳସ୍ତର ବିପଦ ସଂକେତ ଟପିବାର ସମ୍ଭାବନା ରହିଛି। ହୀରାକୁଦ ଡ୍ୟାମର ଗେଟ୍ ଖୋଲିବା ନେଇ ନିଷ୍ପତ୍ତି ହୋଇନି ବୋଲି ଶ୍ରୀ ରାଉତ କହିଛନ୍ତି।

**- V/O -**

ପ୍ରବଳ ବର୍ଷାକୁ ଦୃଷ୍ଟିରେ ରଖି କଟକ, ସମ୍ବଲପୁର, ସୁବର୍ଣ୍ଣପୁର, ବୌଦ୍ଧ, ନୂଆପଡ଼ା, କନ୍ଧମାଳ ଓ ବଲାଙ୍ଗୀର ଜିଲ୍ଲାରେ ଜିଲ୍ଲା ପ୍ରଶାସନ ନିଷ୍ପତ୍ତିକ୍ରମେ ସମସ୍ତ ଶିକ୍ଷାନୁଷ୍ଠାନଗୁଡ଼ିକୁ ଆଜି ପାଇଁ ଛୁଟି ଘୋଷଣା କରାଯାଇଛି। ବୌଦ୍ଧ ଜିଲ୍ଲାରେ ଲଗାଣ ବର୍ଷା ଫଳରେ ହରଭଙ୍ଗା ବ୍ଲକ ଗୁଣ୍ଡୁରିବିଡ଼ା ଗ୍ରାମରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି। ମହାନଦୀ, ତେଲ୍, ସାଲୁଙ୍କି ଓ ବାଘନଦୀର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି।

Subarnpur

## ପାଣିପାଗ-୨

ସୁବର୍ଣ୍ଣପୁର ଜିଲ୍ଲାରେ ଲଗାଣ ବର୍ଷା ଯୋଗୁଁ ଜନଜୀବନ ପ୍ରଭାବିତ ହୋଇଛି। ମହାନଦୀ, ଅଙ୍ଗ, ତେଲ୍ ଓ ସୁକତେଲ୍ ନଦୀରେ ଜଳସ୍ତର ବୃଦ୍ଧି

ପାଇଛି । ବିଶେଷ କରି ବୀରମହାରାଜପୁର ଉପଖଣ୍ଡର ଭୁତିଆପାଲିଠାରେ ରାସ୍ତା ଉପରେ ଜଳ ପ୍ରବାହିତ ହେଉଛି । ଏହାଫଳରେ ବିଭିନ୍ନ ଅଞ୍ଚଳରେ ଯାତାୟାତ ପ୍ରଭାବିତ ହୋଇଛି ।

Desk

## ଚାରୋଟି ପରୀକ୍ଷା

ରାଜ୍ୟର ସରକାରୀ ଓ ଅନୁଦାନପ୍ରାପ୍ତ ବିଦ୍ୟାଳୟର ତୃତୀୟରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀଙ୍କୁ ବର୍ଷକୁ ଚାରୋଟି ପରୀକ୍ଷା ଦେବାକୁ ପଡ଼ିବ ବୋଲି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି । ଏପ୍ରିଲର ସେପ୍ଟେମ୍ବର ମାସ ମଧ୍ୟରେ ୨ଟି ଓ ଅକ୍ଟୋବରରୁ ମାର୍ଚ୍ଚ ମାସ ମଧ୍ୟରେ ଆଉ ଦୁଇଟି ପରୀକ୍ଷା ଦେବାକୁ ପଡ଼ିବ ।  ଗୋଟିଏ ଶିକ୍ଷାବର୍ଷରେ ବିଦ୍ୟାର୍ଥୀଙ୍କୁ ଦୁଇଟି ଲେଖାଏଁ ମୂଲ୍ୟାୟନ ଓ ଆସେସ୍‌ମେଣ୍ଟ, ସମାପ୍ତି ସୂଚକ ମୂଲ୍ୟାୟନ ଦେବାକୁ ପଡ଼ିବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି ।

Ganjam

## ସ୍ୱତନ୍ତ୍ର ଲୋକ ଅଦାଲତ

ଗଞ୍ଜାମ ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ଆସନ୍ତା ୧୮ ତାରିଖ ଦିନ ବ୍ରହ୍ମପୁର ସିଭିଲ୍ କୋର୍ଟ ପରିସରରେ ଏକ ସ୍ୱତନ୍ତ୍ର ଲୋକ ଅଦାଲତ ଅନୁଷ୍ଠିତ ହେବ। ଦୀର୍ଘଦିନ ଧରି ବିଚାରାଧୀନ ଥିବା ମାମଲାଗୁଡ଼ିକର ଆପୋଷ ବୁଝାମଣା, ଆଲୋଚନା ଓ ସହମତି ମାଧ୍ୟମରେ ସ୍ଥାୟୀ ସମାଧାନ ପାଇଁ ଏହି ଅଦାଲତର ଆୟୋଜନ କରାଯାଉଛି ।

Rayagada

## ଜନଅଭିଯୋଗ ଶୁଣାଣି

ରାୟଗଡ଼ା ଜିଲ୍ଲା ପ୍ରଶାସନ ପକ୍ଷରୁ ସଦର ମହକୁମାସ୍ଥିତ ସମ୍ମିଳନୀ ସଭାଗୃହରେ ଯୁଗ୍ମ ଜନଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ୬୫ଟି ଅଭିଯୋଗର ଶୁଣାଣି କରି ଏହାର ସମାଧାନ ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

Bhadrak

## ବନମହୋତ୍ସବ

ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ ଅନ୍ତର୍ଗତ ଦୋଳପଦି ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରରେ ବନମହୋତ୍ସବ ସପ୍ତାହ ପାଳିତ ହୋଇଯାଇଛି। ବନବିଭାଗ ଅଧିକାରୀ ଯୋଗଦେଇ ପରିବେଶକୁ ସୁସ୍ଥ ସୁରକ୍ଷିତ ରଖିବା ପାଇଁ ଚାରାରୋପଣ କରିବାକୁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ।

Subarnpur

## ଏସ୍.ଆଇ.ଆର୍

ସୁବର୍ଣ୍ଣପୁର ଜିଲ୍ଲାରେ ଭୋଟର ତାଲିକା ସ୍ୱତନ୍ତ୍ର ସଘନ ସଂଶୋଧନ– ଏସ୍.ଆଇ.ଆର୍ ତାଲିକା ପ୍ରକାଶ ପାଇଛି। ବୀରମହାରାଜପୁର ବିଧାନସଭା ନିର୍ବାଚନ ମଣ୍ଡଳୀରେ ୨ ଲକ୍ଷ ୬ ହଜାର ୨୫ ଜଣ ମତଦାତା ରହିଥିବା ବେଳେ ସୋନପୁର ବିଧାନସଭା ନିର୍ବାଚନମଣ୍ଡଳୀରେ ୨ ଲକ୍ଷ ୪୭ ହଜାର ୫୩୬ ଜଣ ମତଦାତା ରହିଛନ୍ତି।